# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**21 July – 2026**

***********************************

## ମୁଖ୍ୟ ସମ୍ବାଦ

- ପ୍ରଶ୍ନପତ୍ର ପ୍ରଘଟ ଘଟଣାରେ ଜଡିତ ବ୍ୟକ୍ତିଙ୍କ ବିରୋଧରେ କଠୋର ପଦକ୍ଷେପ ଗ୍ରହଣ କରାଯିବ; କହିଲେ ପ୍ରଧାନମନ୍ତ୍ରୀ
- ରାଜ୍ୟରେ ଏସ୍ଆଇଆର ପ୍ରକ୍ରିୟାର ସେପ୍ଟେମ୍ବର ୬ ତାରିଖରେ ପ୍ରକାଶ ପାଇବ ଚୂଡାନ୍ତ ଭୋଟର ତାଲିକା
- ପୂର୍ବାଞ୍ଚଳ ପୁଲିସ୍ ସମନ୍ୱୟ କମିଟି ବୈଠକରେ ସମନ୍ୱିତ ସୁରକ୍ଷା ରଣନୀତି ଉପରେ ଗୁରୁତ୍ୱ

ଏବଂ

- ପୁରୀରେ ଶ୍ରୀଜୀଉଙ୍କ ବାହୁଡା ଯାତ୍ରା ନେଇ ପ୍ରସ୍ତୁତି ଆରମ୍ଭ; ତିନି ରଥର ଦକ୍ଷିଣ ମୋଡ

## ପିଏମ୍-ଏନ୍‌ଡିଏ ମିଟିଂ

ଦେଶରେ ଭବିଷ୍ୟତରେ ହେବାକୁ ଥିବା ବିଭିନ୍ନ ପରୀକ୍ଷାରେ ପ୍ରଶ୍ନପତ୍ର ପ୍ରଘଟ ଭଳି ଘଟଣା ଯେଭଳି ପୁନରାବୃତ୍ତି ନ ହୁଏ ସେଥିଲାଗି ସମସ୍ତଙ୍କର ସମନ୍ୱିତ ପଦକ୍ଷେପର ଆବଶ୍ୟକତା ଉପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗୁରୁତ୍ୱାରୋପ କରିଛନ୍ତି । ନୂଆଦିଲ୍ଲୀରେ ଆଜି ଅନୁଷ୍ଠିତ ଜାତୀୟ ଗଣତାନ୍ତ୍ରିକ ମେଣ୍ଟ ସଂସଦୀୟ ଦଳର ବୈଠକରେ ଶ୍ରୀ ମୋଦୀ କହିଛନ୍ତି, ନିଟ୍ ପ୍ରଶ୍ନପତ୍ର ପ୍ରଘଟ ଘଟଣାରେ ଜଡିତ ଲୋକମାନଙ୍କ ବିରୋଧରେ କଠୋର ପଦକ୍ଷେପ ଗ୍ରହଣ କରାଯିବ। ଯୁବପିଢ଼ୀଙ୍କ ସ୍ୱାର୍ଥର ସୁରକ୍ଷା ଦିଗରେ ସରକାର ପ୍ରତିବଦ୍ଧ ବୋଲି ଶ୍ରୀ ମୋଦୀ କହିଛନ୍ତି। ଗଣମାଧ୍ୟମକୁ ସମ୍ବୋଧିତ କରି ସଂସଦୀୟ ବ୍ୟାପାର ମନ୍ତ୍ରୀ କିରେଣ ରିଜିଜୁ କହିଛନ୍ତି ନିଟ୍ ପ୍ରଶ୍ନପତ୍ର ପ୍ରଘଟ ଘଟଣା ସମ୍ପର୍କରେ ଅବଗତ ହେବାପରେ କେନ୍ଦ୍ର ସରକାର ତୁରନ୍ତ ପଦକ୍ଷେପ ନେବା ଆରମ୍ଭ କରିଛନ୍ତି ।

**- V/O –**

## ପଂଚାୟତ ନିର୍ବାଚନ ପ୍ରସ୍ତୁତି

ଭୁବନେଶ୍ୱର ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟରେ ଆଜି ଅପରାହ୍ଣରେ ରାଜ୍ୟରେ ଚାଲିଥିବା ସ୍ୱତନ୍ତ୍ର ସଘନ ସଂଶୋଧନ-୨୦୨୬ ଏସ୍‌ଆଇଆର ସମ୍ପର୍କିତ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର.ସନ୍ତୁ ଗୋପାଳନ ଗଣମାଧ୍ୟମକୁ ଏସ୍‌ଆଇଆରର ଅଗ୍ରଗତି ସମ୍ପର୍କରେ ସୂଚନା ପ୍ରଦାନ କରି କହିଛନ୍ତି, ମ୍ୟାପିଂ

ହୋଇନଥିବା ୧୨ ଲକ୍ଷ ଓ ତ୍ରୁଟି ପାଇଁ ୪୬ ଲକ୍ଷ ଲୋକଙ୍କୁ ବୁଥ୍ ସ୍ତରୀୟ ଅଧିକାରୀଙ୍କ ଦ୍ୱାରା ନୋଟିସ୍ ଜାରି କରାଯାଇଛି। ଆବଶ୍ୟକୀୟ କାଗଜପତ୍ର ପ୍ରଦାନ ପରେ ଉପସ୍ଥିତ ହେବା ବାଧ୍ୟତାମୂଳକ ନୁହେଁ। ଭୋଟର ପଞ୍ଜୀକରଣ ଅଧିକାରୀ ଆବଶ୍ୟକସ୍ଥଳେ ଆଭାସୀ ଜରିଆରେ ବିବରଣୀ ସଂଗ୍ରହ କରିବେ। ଆସନ୍ତା ସେପ୍ଟେମ୍ବର ମାସ ୨ ତାରିଖରେ ଏସ୍ଆଇଆର ପ୍ରକ୍ରିୟା ଶେଷ କରାଯାଇ ୬ ତାରିଖରେ ଚୂଡାନ୍ତ ତାଲିକା ପ୍ରକାଶ ପାଇବ। ଗତ ୫ ତାରିଖରୁ ଆଜି ସୁଦ୍ଧା ୨୬ ହଜାର ୭୪୫ଟି ଫର୍ମ ୬ ହସ୍ତଗତ ହୋଇଥିବା ନେଇ ଶ୍ରୀ ଗୋପାଳନ୍ କହିଛନ୍ତି।

**- V/O -**

# ପଂଚାୟତ ଓ ପୌର ନିର୍ବାଚନ ପ୍ରସ୍ତୁତି

ରାଜ୍ୟରେ ଆସନ୍ତାବର୍ଷ ହେବାକୁ ଥିବା ତ୍ରିସ୍ତରୀୟ ପଂଚାୟତ ଓ ପୌର ନିର୍ବାଚନକୁ ଅବାଧ, ନିରପେକ୍ଷ ଓ ଶୃଙ୍ଖଳିତ ଭାବେ ପରିଚାଳନା କରିବା ପାଇଁ ରାଜ୍ୟ ନିର୍ବାଚନ ଆୟୋଗଙ୍କ ସମ୍ମିଳନୀ କକ୍ଷରେ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ନିର୍ବାଚନ ଆୟୁକ୍ତ ମଧୁସୂଦନ ପାଢୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ରାଜ୍ୟର ସମସ୍ତ ପୌର ନିଗମର ଆୟୁକ୍ତ, ଜିଲ୍ଲାପାଳ, ଉପଜିଲ୍ଲାପାଳ ଓ ନିର୍ବାଚନ ଦାୟିତ୍ୱରେ ଥିବା ଅଧିକାରୀମାନେ ଆଭାସୀ ମାଧ୍ୟମରେ ସାମିଲ ହୋଇ ନିର୍ବାଚନ ପରିଚାଳନା ସମ୍ପର୍କିତ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ଆଲୋଚନା କରିଛନ୍ତି। ଘରକୁ ଘର ସର୍ଭେ ମାଧ୍ୟମରେ ପ୍ରକୃତ ସ୍ଥିତି ଅନୁଯାୟୀ ବୁଥ୍ସ୍ତରୀୟ ଭୋଟର ତାଲିକା ପ୍ରସ୍ତୁତ କରାଯିବ। ଏଥିସହିତ ପ୍ରତ୍ୟେକ

ଘରକୁ କ୍ରମିକ ନମ୍ବର, ଗୋଟିଏ ପରିବାରର ସମସ୍ତ ଯୋଗ୍ୟ ଭୋଟରଙ୍କୁ କ୍ରମାନୁସାରେ ତାଲିକାଭୁକ୍ତ, ଅଯୋଗ୍ୟ ଭୋଟରଙ୍କ ନାମ ବାଦ୍ ଏବଂ ବାଦ୍ ପଡିଥିବା ଯୋଗ୍ୟ ଭୋଟରଙ୍କୁ ଆଇନ୍‌ଗତ ପ୍ରକ୍ରିୟାରେ ସାମିଲ କରିବାକୁ ଗୁରୁତ୍ୱ ଦିଆଯାଇଥିଲା। ଏ ସମସ୍ତ ପ୍ରକ୍ରିୟା ଆସନ୍ତା ୩୧ ତାରିଖ ସୁଦ୍ଧା ସମ୍ପୂର୍ଣ୍ଣ କରାଯିବ।

ସର୍ଭେ ପ୍ରକ୍ରିୟା, ବୁଥ୍ ଓ ୱାର୍ଡ୍ ସୀମା ନିର୍ଦ୍ଧାରଣ, ଦାବି ଓ ଆପତ୍ତି, ଫର୍ମ ସଂଗ୍ରହ, ସର୍ଭେ ତଥ୍ୟର ଡିଜିଟାଇଜେସନ୍ ଏବଂ ସମୟସୀମା ଅନୁଯାୟୀ କାର୍ଯ୍ୟକ୍ରମ ସମ୍ପାଦନ ଉପରେ ବିସ୍ତୃତ ସମୀକ୍ଷା କରାଯାଇଥିଲା। ଆସନ୍ତା ଫେବୃୟାରୀ ୧୦ ତାରିଖରେ ଚୂଡାନ୍ତ ଭୋଟର ତାଲିକା ପ୍ରକାଶ ପାଇଁ ଲକ୍ଷ୍ୟ ରଖାଯାଇଛି। ନିର୍ବାଚନ ପ୍ରକ୍ରିୟାକୁ ସୁଚାରୁରୂପେ ପରିଚାଳନା କରିବା ପାଇଁ ନିୟୋଜିତ ହେବାକୁ ଥିବା ସମସ୍ତ କର୍ମଚାରୀ ଓ ଅଧିକାରୀଙ୍କୁ ସଠିକ୍ ଓ ପୂର୍ଣ୍ଣାଙ୍ଗ ପ୍ରଶିକ୍ଷଣ ପ୍ରଦାନ କରିବାକୁ ଜିଲ୍ଲାପାଳମାନଙ୍କୁ ପରାମର୍ଶ ଦିଆଯାଇଛି।

## ସମନ୍ୱୟ କମିଟି ବୈଠକ

ପୂର୍ବାଞ୍ଚଳ ଆଂଚଳିକ ପୁଲିସ୍ ସମନ୍ୱୟ କମିଟିର ଉଚ୍ଚସ୍ତରୀୟ ବୈଠକ ଭୁବନେଶ୍ୱରଠାରେ ଆଜି ଅନୁଷ୍ଠିତ ହୋଇଯାଇଛି। ପୁଲିସ୍ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିୟାଙ୍କ ସମେତ ବିହାର, ପଶ୍ଚିମବଙ୍ଗ, ଛତିଶଗଡ଼ ଏବଂ ଝାଡଖଣ୍ଡର ଆରକ୍ଷୀ ମହାନିର୍ଦ୍ଦେଶକ, କେନ୍ଦ୍ରୀୟ ପୁଲିସ୍ ସଂଗଠନ ଓ ବିଭିନ୍ନ ରାଜ୍ୟର ପୁଲିସ୍ ଅଧିକାରୀମାନେ ଏଥିରେ ଉପସ୍ଥିତ ରହି ଆନ୍ତଃ ରାଜ୍ୟ

ଅପରାଧ, ନକ୍ସଲ ଦମନ ଓ ସମନ୍ୱିତ ସୁରକ୍ଷା ରଣନୀତି ଉପରେ ଆଲୋଚନା କରିଥିଲେ। ଶ୍ରୀ ଖୁରାନିୟା କହିଛନ୍ତି, ବର୍ତ୍ତମାନ ସମୟରେ ସଂଗଠିତ ଅପରାଧ, ସାଇବର ଅପରାଧ, ମାଦକ ଦ୍ରବ୍ୟ ଚୋରା ଚାଲାଣ ଏବଂ ବାମପନ୍ଥୀ ଉଗ୍ରବାଦ ଭଳି ସୁରକ୍ଷା ଜନିତ ଆହ୍ୱାନ କୌଣସି ଗୋଟିଏ ରାଜ୍ୟରେ ସୀମିତ ହୋଇ ରହିନାହିଁ। ଏହି ଆହ୍ୱାନର ମୁକାବିଲା ପାଇଁ ରାଜ୍ୟମାନଙ୍କ ମଧ୍ୟରେ  ନିରନ୍ତର ଗୁଇନ୍ଦା ସୂଚନାର ଆଦାନପ୍ରଦାନ, ଆଧୁନିକ ପ୍ରଯୁକ୍ତିର ବ୍ୟବହାର, ପାରସ୍ପରିକ ବିଶ୍ୱାସ ଓ ମିଳିତ କାର୍ଯ୍ୟଶୈଳୀର ଆବଶ୍ୟକ ରହିଛି। ବୈଠକରେ ଆନ୍ତଃରାଜ୍ୟ ଅପରାଧୀଙ୍କ ବିରୋଧରେ ମିଳିତ ଅଭିଯାନ, ଗୁଇନ୍ଦା ସୂଚନାର ବିନିମୟ ଓ ସୀମାବର୍ତ୍ତୀ ଅଂଚଳରେ ଅଧିକ ସମନ୍ୱିତ କାର୍ଯ୍ୟପଦ୍ଧତି ଗ୍ରହଣ ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ଭବିଷ୍ୟତରେ ସମନ୍ୱୟକୁ ଅଧିକ ସୁଦୃଢ଼ ପାଇଁ ନିୟମିତ ବ୍ୟବଧାନରେ ଏଭଳି ବୈଠକ ଆୟୋଜନ କରିବାକୁ ସର୍ବସମ୍ମତିକ୍ରମେ ସ୍ଥିର କରାଯାଇଛି।

# ରଥ-ଦକ୍ଷିଣ ମୋଡ଼

ପୁରୀରେ ଆଜି ରଥଗୁଡ଼ିକର ଦକ୍ଷିଣ ମୋଡ଼ କରାଯାଉଛି। ଶ୍ରୀଗୁଣ୍ଡିଚା ମନ୍ଦିରରେ ସକାଳ ଧୂପନୀତି ଶେଷ ହେବା ପରେ ମହାପ୍ରଭୁ ଶ୍ରୀ ଜଗନ୍ନାଥ' ମା' ଲକ୍ଷ୍ମୀଙ୍କ ଅଭିମାନକୁ ଦୃଷ୍ଟିରେ ରଖି ତିନିରଥର ଦକ୍ଷିଣ ମୋଡ଼ ପାଇଁ ଆଜ୍ଞାମାଳ ପ୍ରଦାନ କରିଥିଲେ। ପୂଜାପଣ୍ଡା ସେବକ ମାନେ ଆଜ୍ଞାମାଳ ବିଜେ କରିବା ପରେ ପ୍ରଥମେ ମା' ସୁଭଦ୍ରାଙ୍କ ଦର୍ପଦଳନ, ପରେ ଶ୍ରୀ ବଳଭଦ୍ରଙ୍କ ତାଳଧ୍ୱଜ ରଥର ଦକ୍ଷିଣ ମୋଡ କରାଯାଉଥିବାବେଳେ ପ୍ରବଳ ବର୍ଷା ପାଇଁ ଏହାକୁ ସ୍ଥଗିତ ରଖାଯାଇଛି। ଆସନ୍ତାକାଲି ଶ୍ରୀବଳଭଦ୍ରଙ୍କ ତାଳଧ୍ୱଜ ଏବଂ ମହାପ୍ରଭୁଙ୍କ ନନ୍ଦିଘୋଷ ରଥକୁ ଦକ୍ଷିଣମୋଡ଼ କରାଯିବ।

ଏହି ଅବସରରେ ଚତୁର୍ଦ୍ଧାମୂର୍ତ୍ତି ଶ୍ରଦ୍ଧାଳୁମାନଙ୍କୁ ଜନ୍ମବେଦୀରେ ଦର୍ଶନ ଦେଉଛନ୍ତି। ହେରାପଞ୍ଚମୀ ନୀତି ସମ୍ପନ୍ନ ହେବା ପରେ ମହାପ୍ରଭୁଙ୍କ ବାହୁଡାଯାତ୍ରା ପାଇଁ ପ୍ରାରମ୍ଭିକ ପ୍ରସ୍ତୁତି ଆରମ୍ଭ ହୋଇଛି।

## ରାଷ୍ଟ୍ରପତି-ଓଡ଼ିଶା ଗସ୍ତ

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆସନ୍ତା ୩ ତାରିଖରୁ ୩ ଦିନିଆ ଓଡ଼ିଶା ଗସ୍ତରେ ଆସିବେ। ଏ ନେଇ ରାଷ୍ଟ୍ରପତି ଭବନ ପକ୍ଷରୁ ପ୍ରସ୍ତୁତ କାର୍ଯ୍ୟଖସଡା ରାଜ୍ୟ ସରକାରଙ୍କୁ ପ୍ରଦାନ କରାଯାଇଛି। ଗସ୍ତ ଅବସରରେ ରାଷ୍ଟ୍ରପତି ଭୁବନେଶ୍ୱର, କଟକ ଓ ବ୍ରହ୍ମପୁରରେ ଆୟୋଜିତ ହେବାକୁ ଥିବା ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବାର କାର୍ଯ୍ୟସୂଚୀ ରହିଛି। ଗସ୍ତ ପୂର୍ବରୁ ସମସ୍ତ ପ୍ରସ୍ତୁତି ସଂପୂର୍ଣ୍ଣ କରି ରିପୋର୍ଟ ଦାଖଲ ପାଇଁ ରାଷ୍ଟ୍ରପତି ଭବନ ପକ୍ଷରୁ କୁହାଯାଇଛି।

## ମୁକେଶ ମହାଲିଙ୍ଗ

କଟକସ୍ଥିତ ଏସ୍‌ସିବି ମେଡିକାଲ କଲେଜ ଓ ହସ୍‌ପିଟାଲକୁ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ ଗସ୍ତ କରି ଚିକିତ୍ସାଳୟର ସମ୍ପ୍ରସାରଣ ଓ ପୁନର୍ବିକାଶ କାର୍ଯ୍ୟର ସ୍ଥିତି ସମୀକ୍ଷା କରିଛନ୍ତି। ଏହି ଅବସରରେ ଶ୍ରୀ ମହାଲିଙ୍ଗ ଏକ ବୈଠକରେ ଯୋଗଦେଇ ହସ୍‌ପିଟାଲ ଭିତ୍ତିଭୂମିର ସୁଦୃଢ଼ୀକରଣ, ଅଗ୍ନି ନିରାପତ୍ତା ବ୍ୟବସ୍ଥା ଏବଂ ନୂତନ ବିଲ୍ଡିଂରେ କାର୍ଯ୍ୟର ଅଗ୍ରଗତି, ପିଜି ଛାତ୍ରାବାସରେ ରହିଥିବା ବିଭିନ୍ନ ସୁବିଧା ସମ୍ପର୍କରେ ଅନୁଧ୍ୟାନ କରିଥିଲେ। ଗୁଣାତ୍ମକ ମାନ ବଜାୟ ରଖି ନିର୍ଦ୍ଧାରିତ ସମୟ ମଧ୍ୟରେ ହସ୍‌ପିଟାଲ ପରିସରରେ ନିର୍ମାଣାଧୀନ ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ଶେଷ କରିବା ପାଇଁ ଶ୍ରୀ ମହାଲିଙ୍ଗ ଗୁରୁତ୍ୱାରୋପ କରିଥିଲେ। ଏଥିରେ କଟକ ସଦର ବିଧାୟକ

ପ୍ରକାଶ ସେଠୀ, ସ୍ୱାସ୍ଥ୍ୟ ସଚିବ ଅଶ୍ୱଥୀ ଏସ୍. ଏବଂ ବିଭାଗୀୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ।

**- V/O –**

## ଏସ୍‌ଆଇଆର

**ନୟାଗଡ଼** ଜିଲ୍ଲାରେ ଏସ୍‌ଆଇଆର ପ୍ରକ୍ରିୟାକୁ ସ୍ୱଚ୍ଛ ଏବଂ ନିରପେକ୍ଷ ଭାବେ ପରିଚାଳନା କରିବା ନେଇ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଜିଲ୍ଲାର ସମସ୍ତ ବିଧାୟକ ଏବଂ ବିଭିନ୍ନ ରାଜନୈତିକ ଦଳର ପ୍ରତିନିଧିମାନଙ୍କ ସହ ଭୋଟର ତାଲିକା ସଂଶୋଧନ ପ୍ରକ୍ରିୟା ସମ୍ପର୍କରେ ଆଲୋଚନା କରାଯାଇଥିଲା।

## ଏସ୍‌ଆଇଆର

ଗଞ୍ଜାମ ଜିଲ୍ଲାପାଳ ଭି. କିର୍ତ୍ତି ଭାସନଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ କେନ୍ଦ୍ର ସରକାରଙ୍କ ରେଜିଷ୍ଟ୍ରାର ଜେନେରାଲ ତଥା ଜନଗଣନା ଆୟୁକ୍ତଙ୍କ କାର୍ଯ୍ୟାଳୟ ପକ୍ଷରୁ ଜିଲ୍ଲା ଜନଗଣନା ହ୍ୟାଣ୍ଡବୁକ୍-୨୦୨୭ ପ୍ରସ୍ତୁତି ନିମନ୍ତେ କାର୍ଯ୍ୟସୂଚୀ ପ୍ରକାଶ ପାଇଛି। ଆଗାମୀ ୩ ଦିନ ମଧ୍ୟରେ  ଜିଲ୍ଲାସ୍ତରୀୟ ଅଧିକାରୀ ଓ ରାଜସ୍ୱ କର୍ମଚାରୀଙ୍କ ଜରିଆରେ ପ୍ରସ୍ତାବିତ ତଥ୍ୟ ସଂଗ୍ରହ କରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ପଠାଇବା ପାଇଁ ନିର୍ଦ୍ଦେଶ ଦିଆଯାଇଛି।

## ଫସଲବୀମା

ପ୍ରଧାନମନ୍ତ୍ରୀ ଫସଲବୀମା ଯୋଜନା ସମ୍ପର୍କରେ ଚାଷୀମାନଙ୍କୁ ସଚେତନ କରିବା ଲକ୍ଷ୍ୟରେ **ନୟାଗଡ଼** ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରୁ ଏକ ସଚେତନତା ରଥର ଶୁଭାରମ୍ଭ କରାଯାଇଛି। ରଥଟି ଆଜିଠାରୁ ୨୪ ତାରିଖ

ପର୍ଯ୍ୟନ୍ତ ଜିଲ୍ଲାର ବିଭିନ୍ନ ଅଂଚଳ ପରିଦର୍ଶନ କରି ଫସଲବୀମାର ଆବଶ୍ୟକତା, ଉପକାରିତା ଏବଂ ନାମ ପଞ୍ଜୀକରଣ ସମ୍ପର୍କରେ ସଚେତନ କରିବ ।

## ଆଇସିଏମ୍ଆର୍

ଭାରତୀୟ ଭେଷଜ ଗବେଷଣା ପରିଷଦ-**ICMR** କର୍କଟ ଏବଂ ସଂକ୍ରାମକ ରୋଗର ଚିକିତ୍ସା ଉପାୟ ବିକାଶ କରିବା ନିମନ୍ତେ ପ୍ରମୁଖ ଭାରତୀୟ ଔଷଧ ଓ ଟୀକା ନିର୍ମାତାଙ୍କୁ ୩ଟି ସ୍ୱଦେଶୀ ଜୈବ ଚିକିତ୍ସା ପ୍ରଯୁକ୍ତିବିଦ୍ୟା ବ୍ୟବହାର ଲାଗି ଅନୁମତି ପ୍ରଦାନ କରିଛନ୍ତି । କେନ୍ଦ୍ର ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରଣାଳୟ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ଏହି ପ୍ରଯୁକ୍ତିବିଦ୍ୟା ଆଗାମୀ ପୀଢ଼ିର ସ୍ୱଦେଶୀ ଚିକିତ୍ସା ସମାଧାନ ଉପାୟ, ଟୀକା ଏବଂ ଚିକିତ୍ସା ଉଦ୍ୟୋଗ ବୃଦ୍ଧି ଦିଗରେ ସହାୟକ ହେବ ।

## ପାଣିପାଗ

ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିଛି । ପାଣିପାଗ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ଘଣ୍ଟା ମଧ୍ୟରେ ୨୨ଟି ଜିଲ୍ଲାରେ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ଆଗାମୀ ଶୁକ୍ରବାର ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିବ ବୋଲି ପାଣିପାଗ କେନ୍ଦ୍ର ଅନୁମାନ କରିଛି ।

ଲଗାଣ ବର୍ଷା ଯୋଗୁଁ ବିଭିନ୍ନ ସ୍ଥାନରେ ଫସଲ କ୍ଷୟ କ୍ଷତି ହୋଇଥିବା ଜଣାପଡିଛି । କ୍ଷୟକ୍ଷତିର ଆକଳନ ପରେ ରିପୋର୍ଟ ପ୍ରଦାନ କରିବା ପାଇଁ

ଜିଲ୍ଲାଗୁଡ଼ିକୁ ନିର୍ଦ୍ଦେଶ ଦିଆଯାଇଛି ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି।

ଆଜି ସନ୍ଧ୍ୟା ୬ଟା ସୁଦ୍ଧା ହୀରାକୁଦ ଜଳଭଣ୍ଡାରରୁ ୧୦ଟି ଗେଟ୍ ଦେଇ ଜଳ ନିଷ୍କାସିତ ହେଉଛି।